5G
2023.08.28 19:32

ପ୍ରେସ୍ ନୋଟ୍

# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ ତା. ୨୮.୦୮ : ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ର ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୧୬୨ଟି ଅଭିଯୋଗରୁ ୧୫୨ଟି ବ୍ୟକ୍ତିଗତ ଓ ୧୦ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୧୬୨ ଅଭିଯୋଗ ମଧ୍ୟରୁ ୫୫ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ତନ୍ମଧ୍ୟରୁ ରେଡକ୍ରସ ପାଣ୍ଠିରୁ ୨ ଜଣଙ୍କୁ ୨୦ ହଜାର ଟଙ୍କା ଏବଂ ମୁଖ୍ୟମନ୍ତ୍ରୀଙ୍କ ସହାୟତା ପାଣ୍ଠିରୁ ୩ଜଣଙ୍କୁ ୫୦ହଜାର ଟଙ୍କା ମୋଟ ୭୦ହଜାର ଟଙ୍କା ଚେକ୍ ଆକାରରେ ଚିକିତ୍ସା ସହାୟତା ପ୍ରଦାନ କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ଗ୍ରାମ୍ୟରାସ୍ତା, ସ୍ୱାସ୍ଥ୍ୟ,ଭିନ୍ନକ୍ଷମ ସହାୟତା,ବିସ୍ଥାପନ ସମସ୍ୟା, ବିଦ୍ୟୁତ୍, ଜମି ଜମା ସମ୍ବନ୍ଧୀୟ, ପାରିବାରିକ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ଉଦୟ କୁମାର ମହାପାତ୍ର ,ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ପ୍ରତାପ ପ୍ରିତିମୟ, ଜିଲ୍ଲା ପରିଷଦର ଅତିରିକ୍ତ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ପଦ୍ମନାଭ ସାମନ୍ତରାୟ. ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବରନ୍ୟେନ୍ଦୁ ମହାନ୍ତି,ଡେପୁଟୀ କଲେକ୍ଟର ମିନର୍ଭା ନାୟକ ଓ ଶ୍ରୀ ସତ୍ୟାନନ୍ଦ ଦାସଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା - ୫୧୦ ତା.୨୮.୦୮.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


District Administration
ANGUL
ଜିଲ୍ଲା ପ୍ରଶାସନ, ଅନୁଗୋଳ
OPPO Reno7 5G
DIPRO ANGL | 2023.08.28 13:03


District Administration
ANGUL
OPPO Reno7 5G
DIPRO ANGL | 2023.08.28 13:11


District Administration
ANGUL
OPPO Reno7 5G
DIPRO ANGL